# ଗ୍ରାମୀଣ କୃଷି ମୌସମ ସେବା
## ଭାରତ ପାଣିପାଗ ବିଭାଗ, ଏ.ଏମ୍.ଏଫ୍.ୟୁ. - ମାଲକାନଗିରି
## ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ

*କୃଷି ବିଜ୍ଞାନ କେନ୍ଦ୍ର, ମାଲକାନଗିରି,*
*ମୁଣ୍ଡାଗୁଡ଼ା, ପୋ.+ଜିଲ୍ଲା – ମାଲକାନଗିରି, ଓଡ଼ିଶା- ୭୬୪୦୪୫*

ସପ୍ତାହ କ୍ର.ସଂ.- ୦୫ | **ପାଣିପାଗ ଜନିତ କୃଷି ଉପଦେଶ** | ତାରିଖ – ୦୩.୦୨.୨୦୨୩

ଜିଲ୍ଲା- ମାଲକାନଗିରି (ସାଉଥ ଇଷ୍ଟର୍ନ ଘାଟ ଜୋନ)

**ଗତ ଚାରି ଦିନର ପାଣିପାଗ ଅବସ୍ଥା**

| ତାରିଖ | ୩୦.୦୧.୨୦୨୩ | ୩୧.୦୨.୨୦୨୩ | ୦୧.୦୨.୨୦୨୩ | ୦୨.୦୨.୨୦୨୩ |
|---|---|---|---|---|
| ବୃଷ୍ଟିପାତ (ମି.ମି.) | ୦ | ୦ | ୦ | ୦ |
| ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେ.) | ୩୩.୨ | ୩୩.୩ | ୩୩.୨ | ୩୩.୧ |
| ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେ.) | ୧୫.୪ | ୧୭.୪ | ୧୬.୨ | ୧୫.୪ |

**ଆସନ୍ତା ପାଞ୍ଚ ଦିନର (୦୪.୦୨.୨୦୨୩ ଠାରୁ ୦୮.୦୨.୨୦୨୩) ପାଣିପାଗର ପୂର୍ବାନୁମାନ**

(ଏମ.ସି., ଆଇ.ଏମ.ଡି., ଭୁବନେଶ୍ବର ଅନୁଯାୟୀ)

ଆସନ୍ତା ପାଞ୍ଚ ଦିନ ମଧ୍ୟରେ ପରିଷ୍କାର ରୁ ମୁଖ୍ୟତଃ ମେଘୁଆ ପାଗ ରହିବ ଏବଂ ବର୍ଷା ହେବାର ସମ୍ଭାବନା ନାହିଁ । ସର୍ବାଧିକ ତାପମାତ୍ରା ୩୨ ରୁ ୩୩ ଡିଗ୍ରୀ ସେଲସିୟସ୍ ଏବଂ ସର୍ବନିମ୍ନ ତାପମାତ୍ରା ୧୪ ରୁ ୧୫ ଡିଗ୍ରୀ ସେଲସିୟସ୍ ରହିବାର ସମ୍ଭାବନା ଅଛି । ସର୍ବାଧିକ ଏବଂ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ଯଥାକ୍ରମେ ଶତକଡ଼ା ୩୬ ରୁ ୫୩ ଭାଗ ଏବଂ ୧୧ ରୁ ୧୫ ଭାଗ ରହିବାର ସମ୍ଭାବନା ଅଛି ।

| ତାରିଖ | ୦୪.୦୨.୨୦୨୩ | ୦୫.୦୨.୨୦୨୩ | ୦୬.୦୨.୨୦୨୩ | ୦୭.୦୨.୨୦୨୩ | ୦୮.୦୨.୨୦୨୩ |
|---|---|---|---|---|---|
| ବୃଷ୍ଟିପାତ (ମି.ମି.) | ୦ | ୦ | ୦ | ୦ | ୦ |
| ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେ.) | ୩୩ | ୩୨ | ୩୨ | ୩୩ | ୩୩ |
| ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେ.) | ୧୫ | ୧୪ | ୧୪ | ୧୫ | ୧୫ |
| ମେଘାଛନ୍ନ | ୧ | ୦ | ୦ | ୧ | ୧ |
| ସର୍ବାଧିକ ଆର୍ଦ୍ରତା (%) | ୫୧ | ୫୩ | ୫୧ | ୪୬ | ୩୬ |
| ସର୍ବନିମ୍ନ ଆର୍ଦ୍ରତା (%) | ୧୫ | ୧୧ | ୧୨ | ୧୨ | ୧୨ |
| ପବନର ବେଗ (କି.ମି./ଘଣ୍ଟା) | ୪ | ୪ | ୪ | ୪ | ୫ |
| ପବନର ଦିଗ (ଡିଗ୍ରୀ) | ୧୧୨ | ୧୫୩ | ୭୫ | ୧୫୮ | ୭୫ |

**ପାଣିପାଗ ଭିତ୍ତିକ କୃଷି ଉପଦେଶ**

ସାଧାରଣ:

- ଆସନ୍ତା ପାଞ୍ଚ ଦିନରେ ବର୍ଷା ହେବାର ସମ୍ଭାବନା ନାହିଁ ଏବଂ ଶୁଖିଲା ପାଗ ରହିବ ତେଣୁ ଫସଲ ଜମିରେ ଆବଶ୍ୟକତା ଅନୁଯାୟୀ ଜଳସେଚନ କରନ୍ତୁ ।
- ଖରିଫ ଫସଲର ଅବଶେଷ ଜଳାନ୍ତୁ ନାହିଁ । ଏହା ପରିବେଶ ପ୍ରଦୁଷଣ  କରିବା ସହିତ ଶରୀରକୁ ମଧ ବହୁତ କ୍ଷତି ପହଞ୍ଚାଇ ଥାଏ ।

ଚିନାବାଦାମ:

- ଚିନାବାଦାମ ଫସଲରେ ଧୂଆଁ ପତ୍ର ଗୋଟିପୋକ ଦେଖାଦେବାର ସମ୍ଭାବନା ଅଛି, ନିୟନ୍ତ୍ରଣ କରିବା ପାଇଁ ପ୍ରତି ଲିଟର ପାଣିରେ ୦.୩ ମି.ଲି. ଥାୟୋମେଥୋକ୍ସାମ୍ ୧୨.୬% + ଲାମ୍ବଡା-ସାଇହଲୋଥ୍ରିନ୍ ୯.୫% ଜେଟ୍.ସି. କିମ୍ବା ୨ ମି.ଲି. ପ୍ରୋଫେନୋଫସ୍ ୫୦% ଇ.ସି. ମିଶାଇ ସିଞ୍ଚନ କରନ୍ତୁ ।
- ଚିନାବାଦାମ ଜମିରେ ଗଜା ଓ କାଣ୍ଡସଢ଼ା ରୋଗ ଦେଖାଦେଇପାରେ, ଦମନ କରିବା ପାଇଁ ପ୍ରତି ଲିଟର ପାଣିରେ ୨ ଗ୍ରାମ୍ ମେଟାଲାକ୍ସିଲ୍ ୮% + ମାଙ୍କୋଜେବ୍ ୬୪% ଡବ୍ଲୁ.ପି. ଅଥବା ୧.୫ ଗ୍ରାମ୍ କାର୍ବେଣ୍ଡାଜିମ୍ ୫୦% ଡବ୍ଲୁ.ପି. ମିଶାଇ ଗଛ ମୂଳକୁ ସିଞ୍ଚନ କରନ୍ତୁ ।

ଧାନ:

- ରୁଆ ଧାନ ପାଇଁ ଏକର ପିଛା ୪.୫ କି.ଗ୍ରା. ୟୁରିଆ, ୪୪ କି.ଗ୍ରା. ଡି.ଏ.ପି. ଏବଂ ୨୨ କି.ଗ୍ରା. ଏମ୍.ଓ.ପି. ଶେଷଥର କାଦୁଅ କରିବା ସମୟରେ ମୂଳସାର ଭାବେ ପ୍ରୟୋଗ କରନ୍ତୁ ।
- ରୁଆ ଧାନ ଜମିରେ ଘାସ ଦମନ କରିବା ପାଇଁ ଏକର ପିଛା ୪ କି.ଗ୍ରା. ବେନସଲଫିଉରନ୍ ମିଥାଇଲ୍ ୦.୬% + ପ୍ରେଟିଲାକ୍ଲୋର ୬% ଜି.ଆର୍. ୪ କି.ଗ୍ରା. ବାଲି ସହିତ ମିଶାଇ ରୋଇବାର ୫ ରୁ ୮ ଦିନ ପରେ ଜମିରେ ପ୍ରୟୋଗ କରନ୍ତୁ ଏବଂ ଜମିରେ ପାଣି ବାନ୍ଧି ରଖନ୍ତୁ ।

ମୁଗ ଓ ବିରି:

- ଫସଲରେ ପାଉଁଶିଆ ରୋଗ ଦେଖାଦେଇପାରେ, ଦମନ କରିବା ପାଇଁ ପ୍ରତି ଲିଟର ପାଣିରେ ୧ ମି.ଲି. ପ୍ରୋପିକୋନାଜୋଲ୍ ୨୫% ଇ.ସି. ଅଥବା ୪ ଗ୍ରାମ୍ ସାଲଫର ୮୦% ଡବ୍ଲୁ.ପି. ମିଶାଇ ସିଞ୍ଚନ କରନ୍ତୁ।
- ଫସଲ ଜମିରେ ଜଉ ଓ ଉକୁଣିଆ ପୋକ ଦମନ କରିବା ପାଇଁ ପ୍ରତି ଲିଟର ପାଣିରେ ୦.୨ ଗ୍ରାମ୍ ଥାୟୋମେଥୋକ୍ସାମ୍ ୨୫% ଡବ୍ଲୁ.ଜି. କିମ୍ବା ୦.୩ ଗ୍ରାମ୍  ଏସିଟାମିପ୍ରିଡ୍ ୨୦% ଏସ୍.ପି. ମିଶାଇ ସିଞ୍ଚନ କରନ୍ତୁ।

ବାଇଗଣ:

- ବାଇଗଣ ଫସଲରେ କାଣ୍ଡ ଓ ଫଳ ବିନ୍ଧା ପୋକ ଦେଖାଦେଇପାରେ ଦମନ କରିବା ପାଇଁ ପ୍ରତି ଲିଟର ପାଣିରେ ୩ ମି.ଲି. ଏଜାଡିରକ୍ଟିନ୍ ୧% ଇ.ସି. କିମ୍ବା ୦.୪ ଗ୍ରାମ୍ ଏମାମେକ୍ଟିନ୍ ବେଞ୍ଜୋଏଟ୍ ୫% ଏସ୍.ଜି. ମିଶାଇ ସିଞ୍ଚନ କରନ୍ତୁ ।

ଟମାଟୋ:

- ଜମିରେ ଧଳାମାଛି ଏବଂ ଜଉପୋକ ଦେଖାଦେଇପାରେ, ଏହାର ଦମନ ପାଇଁ ପ୍ରତି ୧୫ ଲିଟର ପାଣିରେ ୩.୭୫ ମି.ଲି. ଥାୟୋମେଥୋକ୍ସାମ୍ ୧୨.୬% + ଲାମଡା ସାଇହେଲୋଥ୍ରିନ୍ ୯.୪% ଜେଟ୍.ସି. କିମ୍ବା ୭.୫ ମି.ଲି. ଏଜାଡିରାକ୍ଟିନ୍ ୫% ଇ.ସି. ମିଶାଇ ସିଞ୍ଚନ କରନ୍ତୁ ।

ଲଙ୍କାମରିଚ:

- ଲଙ୍କା ଫସଲରେ ଫଳସଢ଼ା ରୋଗ ଦେଖାଦେଇପାରେ, ଦମନ କରିବା ପାଇଁ ପ୍ରତି ଲିଟର ପାଣିରେ ୧ ମି.ଲି. ଏଜୋକ୍ସିଷ୍ଟ୍ରୋବିନ୍ ୨୩% ଏସ୍.ସି. କିମ୍ବା ୧ ମି.ଲି. ଟେବୁକୋନାଜୋଲ୍ ୨୫.୯% ଇ.ସି. ମିଶାଇ ସିଞ୍ଚନ କରନ୍ତୁ ।

ଆମ୍ବ:

- ବର୍ତ୍ତମାନ ଅବସ୍ଥାରେ ଆମ୍ବ ଡାହାଣୀ ପୋକ ଦେଖାଦେଇପାରେ, ଏହାର ନିୟନ୍ତ୍ରଣ ପାଇଁ ପ୍ରତି ୧୦ ଲିଟର ପାଣିରେ ୩ ମି.ଲି. ଇମିଡାକ୍ଲୋପ୍ରିଡ୍ ୧୭.୮% ଏସ୍.ଏଲ୍. କିମ୍ବା ୨ ଗ୍ରାମ୍ ଥାୟୋମେଥୋକ୍ସାମ୍ ୨୫%  ଡବ୍ଲୁ.ଜି. ମିଶାଇ ଆମ୍ବ ଗଛରେ ସିଞ୍ଚନ କରନ୍ତୁ ।
- ଆମ୍ବ ଫଳ ମଟର ଦାନା ଆକାରର ହୋଇଗଲେ ପ୍ରତି ୧୦ ଲିଟର ପାଣିରେ ୪.୫ ମି.ଲି. ଆଲଫା ନାପଥାଇଲ୍ ଏସିଟିକ୍ ଏସିଡ୍ ୪.୫% ଏସ୍.ଏଲ୍. ମିଶାଇ ସିଞ୍ଚନ କରନ୍ତୁ ।

---

ନୋଡାଲ୍ ଅଫିସର

ଜି.କେ.ଏମ୍.ଏସ୍., ମାଲକାନଗିରି